ଓଡିଶା ସରକାର

ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ଏବଂ ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆ ବର୍ଗ କଲ୍ୟାଣ ବିଭାଗ

# ODISHA STATE SCHOLARSHIP PORTAL

ଚଳିତ ବର୍ଷ ରୁ ରାଜ୍ୟ ଭିତରେ ଏବଂ ବାହାରେ ପଢୁଥିବା ଯୋଗ୍ୟ ଅନୁସୂଚିତ ଜନଜାତି/ ଅନୁସୂଚିତ ଜାତି/ ଅନ୍ୟାନ୍ୟ ପଛୁଆ ବର୍ଗ /ସାମାଜିକ ଓ ଶିକ୍ଷା କ୍ଷେତ୍ରରେ ଅନଗ୍ରସର ବର୍ଗ/ ଆର୍ଥିକ କ୍ଷେତ୍ରରେ ଅନଗ୍ରସର ବର୍ଗ ଛାତ୍ରଛାତ୍ରୀମାନଙ୍କର ଅନ୍ଲାଇନ୍ ଦରଖାସ୍ତ ଆବେଦନ, PRERANA PORTAL ପରିବର୍ତ୍ତେ ODISHA STATE SCHOLARSHIP PORTAL ରେ ନୂତନ ରୂପେ ନିମନ୍ତ୍ରଣ କରାଯିବ | ଚଳିତ ବର୍ଷ, ସମସ୍ତ ଯୋଗ୍ୟ ଛାତ୍ରଛାତ୍ରୀମାନାଙ୍କର ପୂର୍ବ ବର୍ଷର PRERANA ID ଥାଇ ମଧ୍ଯ ନିଜକୁ ODISHA STATE SCHOLARSHIP PORTAL ରେ ପୁନଃ ପଞ୍ଜିକରଣ କରିବା ଆବଶ୍ୟକ ଅଟେ । OTP ମାଧ୍ୟମରେ AADHAR ପ୍ରାମାଣିକିକରଣ ହୋଇ ନୂତନ ID ସୃଷ୍ଟି ହେବ | ସମସ୍ତ ଯୋଗ୍ୟ ଛାତ୍ରଛାତ୍ରୀମାନଙ୍କୁ ଅନୁରୋଧ, ସେମାନେ ଦିଆଯାଇଥିବା URL http://www.scholarship.odisha.gov.in ରେ ମାଟ୍ରିକ ପରବର୍ତ୍ତୀ ଛାତ୍ରବୃତ୍ତି ପାଇଁ ନୂତନ ଆବେଦନ ପଞ୍ଜୀକରଣ କରିବେ |

(i) ମାଟ୍ରିକ ପରବର୍ତ୍ତୀ ଛାତ୍ରବୃତ୍ତି ପାଇବା ପାଇଁ ଯୋଗ୍ୟତା

(କ) ସମସ୍ତ ଯୋଗ୍ୟ ଅନୁସୂଚିତ ଜନଜାତି/ ଅନୁସୂଚିତ ଜାତି/ଅନ୍ୟାନ୍ୟ ପଛୁଆ ବର୍ଗ/ସାମାଜିକ ଓ ଶିକ୍ଷା କ୍ଷେତ୍ର ରେ ଅନଗ୍ରସର ବର୍ଗ/ଆର୍ଥିକ କ୍ଷେତ୍ର ରେ ଅନଗ୍ରସର ବର୍ଗ ର ଛାତ୍ରଛାତ୍ରୀମାନେ କ୍ଷେତ୍ରରେ ଓଡିଶାର ସ୍ଥାଇ ଅଧିବାସୀ ହୋଇଥିବେ

(ଖ) ସେ ସରକାରୀ/ ସରକାରୀ ସ୍ୱୀକୃତି ପ୍ରାପ୍ତ ଶିକ୍ଷାନୁଷ୍ଠାନରେ General/Technical/Professional ଉଚ୍ଚଶିକ୍ଷା ପାଠ୍ୟକ୍ରମରେ ଅଧ୍ୟୟନ କରୁଥିବେ ।

(ଗ) ଅନୁସୂଚିତ ଜନଜାତି/ ଅନୁସୂଚିତ ଜାତିଙ୍କ କ୍ଷେତ୍ରରେ ସମସ୍ତ ସୂତ୍ରରୁ ପରିବାରର ବାର୍ଷିକ ଆୟ ଟ ୨,୫୦,୦୦୦ /- (ଦୁଇ ଲକ୍ଷ ପଚାଶ ହଜାର ) ରୁ ଅଧିକ ହୋଇନଥିବ ।

(ଘ) ଅନ୍ୟାନ୍ୟ ପଛୁଆ ବର୍ଗ ଛାତ୍ରଛାତ୍ରୀଙ୍କ କ୍ଷେତ୍ରରେ ସମସ୍ତ ସୂତ୍ରରୁ ପରିବାରର ବାର୍ଷିକ ଆୟ ଟ.୨,୫୦,୦୦୦/- (ଦୁଇ ଲକ୍ଷ ପଚାଶ ହଜାର) ରୁ ଅଧିକ ହୋଇନଥିବ ଏବଂ ପୂର୍ବ ପରୀକ୍ଷାରେ ଅତି କମରେ ୫୦% ଭାଗ ନମ୍ବର ରଖି ଉତ୍ତୀର୍ଣ୍ଣ ହୋଇଥିବେ ।

(ଙ) ଆର୍ଥିକ କ୍ଷେତ୍ରରେ ଅନଗ୍ରସର ବର୍ଗ ଛାତ୍ରଛାତ୍ରୀଙ୍କ (କେବଳ ସାଧାରଣ ବର୍ଗର ଛାତ୍ରଛାତ୍ରୀ- ଅନୁସୂଚିତ ଜନଜାତି/ ଅନୁସୂଚିତ ଜାତି/ଅନ୍ୟାନ୍ୟ ପଛୁଆ ବର୍ଗ/ସାମାଜିକ ଓ ଶିକ୍ଷା କ୍ଷେତ୍ର ରେ ଅନଗ୍ରସର, ବର୍ଗଙ୍କୁ ବାଦ ଦେଇ) କ୍ଷେତ୍ରରେ ସମସ୍ତ ସୂତ୍ରରୁ ପରିବାରର ବାର୍ଷିକ ଆୟ ଟ.୨,୫୦,୦୦୦/- (ଦୁଇ ଲକ୍ଷ ପଚାଶ ହଜାର) ରୁ ଅଧିକ, ହୋଇନଥିବ ଓ ସେ କେବଳ ସରକାରୀ ଅନୁଷ୍ଠାନରେ ଉଚ୍ଚଶିକ୍ଷା ପାଇଁ ଅଧ୍ୟୟନ କରୁଥିଲେ ମାଟ୍ରିକପର ଛାତ୍ରବୃତ୍ତି ପାଇଁ ଯୋଗ୍ୟ ବିବେଚିତ ହେବେ।

(ଚ) ଆର୍ଥିକ କ୍ଷେତ୍ରରେ ଅନଗ୍ରସର ବର୍ଗ ଛାତ୍ରଛାତ୍ରୀଙ୍କ ଉଦ୍ଦିଷ୍ଟ ଛାତ୍ରବୃତ୍ତି (ଅନୁସୂଚିତ ଜନଜାତି/ ଅନୁସୂଚିତ ଜାତି/ଅନ୍ୟାନ୍ୟ ପଛୁଆ ବର୍ଗ/ସାମାଜିକ ଓ ଶିକ୍ଷା କ୍ଷେତ୍ର ରେ ଅନଗ୍ରସର ବର୍ଗ/ଆର୍ଥିକ କ୍ଷେତ୍ର ରେ ଅନଗ୍ରସର ବର୍ଗଛାତ୍ରଛାତ୍ରୀଙ୍କୁ ବାଦ ଦେଇ) କେବଳ ସାଧାରଣ ବର୍ଗର ଛାତ୍ରଛାତ୍ରୀମାନଙ୍କ ପାଇଁ ପ୍ରଯୁଜ୍ୟ।

| ଦରଖାସ୍ତ ପଞ୍ଜୀକରଣ କରିବାର ସମୟ ସାରଣୀ | | |
|---|---|---|
| କ୍ର.ନଂ | କାର୍ଯ୍ୟ କ୍ରମ | ତାରିଖ |
| ୧ | ଦରଖାସ୍ତ ଆବେଦନ ନିମନ୍ତେ ପୋର୍ଟାଲର ଖୋଲିବା ତାରିଖ | ୦୫.୧୧.୨୦୨୦ |
| ୨ | ଦରଖାସ୍ତ ଆବେଦନ କରିବା ନିମନ୍ତେ ଶେଷ ତାରିଖ | ୧୫.୦୧.୨୦୨୧ |
| ୩ | ଦରଖାସ୍ତଗୁଡିକ ଅନୁଷ୍ଠାନଦ୍ୱାରା ଯାଞ୍ଚ ଏବଂ ସମ୍ପୃକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀ ଙ୍କୁ online ପ୍ରେରଣ କରିବାର ଶେଷ ତାରିଖ | ୩୧.୦୧.୨୦୨୧ |
| ୪ | ସମ୍ପୃକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀମାନଙ୍କ ଦ୍ୱାରା ଦରଖାସ୍ତଗୁଡିକର online ମଞ୍ଜୁରୀ କରିବାର ଶେଷ ତାରିଖ | ୧୫.୦୨.୨୦୨୧ |

*ବିଶେଷଦ୍ରଷ୍ଟବ୍ୟ:- (i) ଚଳିତ ବର୍ଷରୁ ମାଟ୍ରିକପର ଛାତ୍ରବୃତ୍ତି ନିମନ୍ତେ "ଆଧାର" ନମ୍ବର ପ୍ରଦାନ କରିବା ନିତ୍ୟାନ୍ତ ଜରୁରୀ ଅଟେ। ପଞ୍ଜୀକରଣ ସମୟରେ ପ୍ରେରଣା ପୋର୍ଟାଲର ନିର୍ଦ୍ଧାରିତ box ରେ ନିଜର ଆଧାର ନମ୍ବର ପ୍ରଦାନ କରନ୍ତୁ । ଯଦି ପଦତ୍ତ ଆଧାର ନମ୍ବରରେ କୌଣସି ତ୍ରୁଟି ଥାଏ କିମ୍ବା ନମ୍ବର ଟି ଅନ୍ୟ କାହାର ଥାଏ ତେବେ ଦରଖାସ୍ତଟିକୁ ବାତିଲ କରାଯିବ* **(Ref:Dept Notification No:10744 dt26.06.2019)**

*(ii) ଆବେଦନକାରୀ ମାନେ ନିଜ ନିଜର ବ୍ୟାଙ୍କ ସମ୍ବଧୀୟ ତଥ୍ୟ ଯଥା ଆକାଉଣ୍ଟ ନମ୍ବର,IFSC Code, ଶାଖା ନାମ ଇତ୍ୟାଦି ପ୍ରେରଣା ପୋର୍ଟାଲର ନିର୍ଦ୍ଧାରିତ box ରେ ପ୍ରଦାନ କଲାବେଳେ ଯତ୍ନବାନ ହେବେ । ବ୍ୟାଙ୍କ ତଥ୍ୟ ପ୍ରଦାନବେଳେ କୌଣସି ତ୍ରୁଟି ବିଚ୍ୟୁତି ପାଇଁ ଏହି ବିଭାଗ ଦାୟୀ ରହିବେ ନାହିଁ । ବ୍ୟାଙ୍କ ସମ୍ବଧୀୟ ଭୁଲ ତଥ୍ୟ ପ୍ରଦାନ ଦ୍ୱାରା ଯଦି ସରକାରୀ ଅର୍ଥ ଅନ୍ୟ ନାମରେ ଥିବା ବ୍ୟାଙ୍କ ଖାତାକୁ ପ୍ରଦାନ କରାଗଲା ତେବେ ସେଥିପାଇଁ ସେ ଉତ୍ତର ଦାୟୀ ରହିବେ ।*

ଉଭୟ ରାଜ୍ୟ ଭିତରେ ଏବଂ ବାହାରେ ପଢୁଥିବା ଛାତ୍ରଛାତ୍ରୀମାନେ ନିମ୍ନରେ ଦିଆଯାଇଥିବା ନିର୍ଦ୍ଦେଶଗୁଡିକ ଅନୁସରଣ କରିବେ:

- ଯୋଗ୍ୟ ଛାତ୍ରଛାତ୍ରୀମାନେ ODISHA STATE SCHOLARSHIP PORTAL ର ଅନ୍ଲାଇନ୍ ରେଜିଷ୍ଟ୍ରେସନର ସମ୍ପୂର୍ଣ୍ଣ ପଦ୍ଧତି ଉପରୋକ୍ତ URL ରେ "HOW TO APPLY" ବଟନ୍ କ୍ଲିକ୍ କରି ଜାଣିପାରିବେ।
- ଯେହେତୁ ଆଧାର ପ୍ରାମାଣିକରଣରେ ନୂତନ ID ସୃଷ୍ଟି ହେବ, ଛାତ୍ରଛାତ୍ରୀମାନଙ୍କୁ ନିଶ୍ଚିତ କରିବାକୁ ପରାମର୍ଶ ଦିଆଯାଇଛି ଯେ ସେମାନଙ୍କର ଆଧାର ଏକ ମୋବାଇଲ୍ ନମ୍ବର ସହିତ ଲିଙ୍କ୍ ହୋଇଛି ଏବଂ UIDAI ରୁ OTP ଗ୍ରହଣ କରିବା ଏବଂ ସଫଳତା ପାଇଁ ସ୍କଲାରସିପ୍ ପୋର୍ଟାଲରେ ସମାନ ପ୍ରଦାନ କରିବା ପାଇଁ ଆବେଦନ କରିବା ସମୟରେ ସେମାନେ ସେହି ମୋବାଇଲ୍ ବହନ କରିବା ଉଚିତ୍ | ପଞ୍ଜୀକରଣ |
- ଆବେଦନକାରୀ ର ସମ୍ପୂର୍ଣ ସୂଚନା ଯଥା ନାମ, ଲିଙ୍ଗ, ଜନ୍ମ ତାରିଖ (DOB) , AADHAR ରୁ ଅଣାଯିବ ଏବଂ ଅଣ-ସମ୍ପାଦିତ (non editable)ରହିବ | ଆବେଦନ କରିବା ପୂର୍ବରୁ, ଛାତ୍ରଛାତ୍ରୀମାନଙ୍କୁ ସେମାନଙ୍କର AADHAR ରେ (ନାମ ଏବଂ ଉପନାମ ବନାନ ଅନ୍ତର୍ଭୁକ୍ତ କରି) ସଠିକ୍ ବୋଲି ନିଶ୍ଚିତ କରିବାକୁ ପରାମର୍ଶ ଦିଆଯାଇଛି ।
- ଶେଷ ତାରିଖ ପର୍ଯ୍ୟନ୍ତ ଅପେକ୍ଷା ନକରି DWO କୁ 7 ଦିନ ମଧ୍ୟରେ ଅନଲାଇନ୍ ଆବେଦନ ଦାଖଲ କରିବାକୁ ଅନୁଷ୍ଠାନମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି |
- COVID 19 ମହାମାରୀ ପରିସ୍ଥିତି ହେତୁ ଛାତ୍ରଛାତ୍ରୀ ଏବଂ ଅନୁଷ୍ଠାନଗୁଡିକ ଯଥାକ୍ରମେ ସଂପୃକ୍ତ ଅନୁଷ୍ଠାନ ଏବଂ DWO ଗୁଡ଼ିକର ଆବେଦନ ଏବଂ ଅନ୍ୟାନ୍ୟ ଆବଶ୍ୟକୀୟ ଡକୁମେନ୍ଟ ଗୁଡିକର ହାର୍ଡ କପି ଦାଖଲ ନକରିବାକୁ ପରାମର୍ଶ ଦିଆଯାଇଛି। ତେଣୁ ଆବେଦନ କାରୀ ମାନଙ୍କୁ ଅନୁରୋଧ ସେମାନେ ଆୟ, ଜାତି, ମାଟ୍ରିକ୍ ରୋଲ୍ ନଂ, ବ୍ୟାଙ୍କ ଆକାଉଣ୍ଟ ଇତ୍ୟାଦିର ସବିଶେଷ ତଥ୍ୟ ପୂରଣ କରିବା ସମୟରେ, ସମ୍ପୃକ୍ତ ସାର୍ଟିଫିକେଟ୍ ରେ ଏବଂ ପୋର୍ଟାଲରେ ଅପଲୋଡ୍ ହୋଇଥିବା ବିବରଣୀ ଅନୁଯାୟୀ ସତର୍କତାର ସହିତ ପୂରଣ କରିବେ | ଅନୁଷ୍ଠାନ / DWO ସ୍ତରରେ ଯାଞ୍ଚ ପ୍ରକ୍ରିୟା ସମୟରେ ଯଦି କିଛି ଅସଙ୍ଗତି ମିଳେ ତେବେ , ସମ୍ପୃକ୍ତ ଛାତ୍ରଛାତ୍ରୀଙ୍କ ବୃତ୍ତି ପ୍ରତ୍ୟାଖ୍ୟାନ କରାଯାଇପାରେ |
- ଛାତ୍ରଛାତ୍ରୀମାନେ ସେମାନଙ୍କର ID ଏବଂ password କୁ ଗୁପ୍ତ ରଖିବାକୁ ଅନୁରୋଧ | ଯଦି ଅନ୍ୟମାନଙ୍କ ସହିତ ଆବେଦନକାରୀ ID ଏବଂ password share କରିବା ହେତୁ କୌଣସି ଭୁଲ-କ୍ରେଡିଟ୍ / ମନିପୁଲେସନ୍ ହୁଏ, ତେବେ ସମ୍ପୃକ୍ତ ଛାତ୍ରଛାତ୍ରୀ କେବଳ ଦାୟୀ ହେବେ

ନିର୍ଦ୍ଦେଶିକା , ଅନୁସୂଚିତ ଜନଜାତି

ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ବିଭାଗ